# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**03.05.2025**

---

## ରାଜ୍ୟପାଳଙ୍କ ଗୁରୁତ୍ୱ

ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ, ସଂଖ୍ୟାଲଘୁ ଏବଂ ପଛୁଆବର୍ଗ କଲ୍ୟାଣ ପାଇଁ ଉଦ୍ଦିଷ୍ଟ ବିଭିନ୍ନ ଯୋଜନାର ସଫଳ କାର୍ଯ୍ୟାନ୍ୱୟନ ଉପରେ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଗୁରୁତ୍ୱ ଦେଇଛନ୍ତି । ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଏକ ଉଚ୍ଚସ୍ତରୀୟ ଟାସ୍କଫୋର୍ସ ଗଠନ କରିବାକୁ ସେ ପରାମର୍ଶ ଦେଇଛନ୍ତି । ରାଜଭବନଠାରେ ବିଭାଗର କାର୍ଯ୍ୟାବଳୀ ସମୀକ୍ଷା କରିବା ଅବସରରେ ରାଜ୍ୟପାଳ କହିଛନ୍ତି ଯୋଜନା ଗୁଡ଼ିକର କାର୍ଯ୍ୟକାରୀତା ନେଇ ରହିଥିବା ଆହ୍ୱାନଗୁଡ଼ିକ ଏହି ଉଚ୍ଚସ୍ତରୀୟ ଟାସ୍କଫୋର୍ସ ମାଧ୍ୟମରେ ତ୍ୱରିତ ସମାଧାନ ହୋଇପାରିବ । ବିଭାଗୀୟ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ସମୀକ୍ଷା ବୈଠକରେ ଉପସ୍ଥିତ ଥିଲେ ।

## ୱେଭ୍ସ

ମୁମ୍ବାଇଠାରେ ଚାଲିଥିବା ବିଶ୍ୱ ଦୃଶ୍ୟ, ଶ୍ରାବ୍ୟ ଓ ମନୋରଞ୍ଜନ ସମ୍ମିଳନୀ - ୱେଭ୍ସ ୨୦୨୫ର ଭାରତରେ ନିର୍ମାଣ ପ୍ରତିଯୋଗିତାର ପ୍ରଥମ ପର୍ଯ୍ୟାୟ ଗତକାଲି ଶେଷହୋଇଛି । ୩୨ଟି ବର୍ଗରେ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀଙ୍କୁ ଏହି ଅବସରରେ ସମ୍ମାନିତ କରାଯାଇଛି । ଏହି ପ୍ରତିଯୋଗିତାରେ ଭାଗ ନେବାପାଇଁ ୧ଲକ୍ଷ ପ୍ରତିଯୋଗୀ ପଞ୍ଜିକୃତ

କରିଥିଲେ । ସେଥିମଧ୍ୟରେ ୬୦ଟି ଦେଶର ୧ହଜାର ୧୦୦ରୁ ଊର୍ଦ୍ଧ୍ୱ ଆନ୍ତର୍ଜାତିକ ପ୍ରତିଯୋଗୀ ରହିଥିଲେ । ଏହି ଅବସରରେ ଉଦ୍‌ବୋଧନ ଦେଇ କେନ୍ଦ୍ର ସୂଚନା ଓ ପ୍ରସାରଣ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ କହିଥିଲେ ସୃଜନଶୀଳତା କ୍ଷେତ୍ରକୁ ଏହି ପ୍ରଥମ ବିଶ୍ୱ ସମ୍ମିଳନୀ ଏକ ଉତ୍କୃଷ୍ଟ ମଞ୍ଚ ପ୍ରଦାନ କରିବ ।

## ବିମାନସେବା ଭିତ୍ତିଭୂମି ସୁଦୃଢ଼

ରାଜ୍ୟରେ ବିମାନସେବା ଭିତ୍ତିଭୂମିକୁ ସୁଦୃଢ଼ କରିବା ଉପରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝି ଗୁରୁତ୍ୱାରୋପ କରିଛନ୍ତି । ଭୁବନେଶ୍ୱର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏ ସଂକ୍ରାନ୍ତ ଏକ ବୈଠକ ଅନୁଷ୍ଠିତ ହୋଇଛି । ରାଷ୍ଟ୍ରାୟତ୍ତ ବିମାନ ବନ୍ଦର ଗୁଡ଼ିକର ଉନ୍ନତିକରଣ, ବିମାନ ଚଳାଚଳ ବୃଦ୍ଧି ଏବଂ ଭିତ୍ତିଭୂମିର ବିକାଶ ନେଇ ଶ୍ରୀ ମାଝି ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ରାଜ୍ୟରେ ଏ କ୍ଷେତ୍ର ନେଇ ଜାରି ରହିଥିବା ବିକାଶ କାର୍ଯ୍ୟଗୁଡ଼ିକୁ ତ୍ୱରାନ୍ୱିତ କରିବା ପାଇଁ ବୈଠକରେ ପୂର୍ତ୍ତ ବିଭାଗକୁ ଦାୟିତ୍ୱ ଅର୍ପଣ କରାଯାଇଛି ।

## ନିବେଶ ପ୍ରକଳ୍ପକୁ ଅନୁମୋଦନ

ରାଜ୍ୟସ୍ତରୀୟ ସିଙ୍ଗଲ ୱିଣ୍ଡୋ କ୍ଲିୟରାନ୍ସ ଅଥରିଟି ବୈଠକରେ ୩ହଜାର ୮୯୮କୋଟି ୫୪ଲକ୍ଷ ଟଙ୍କାର ୧୯ଟି ନିବେଶ ପ୍ରକଳ୍ପକୁ ଅନୁମୋଦନ କରାଯାଇଛି । ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ

ଅନୁଷ୍ଠିତ ଏହି ୧୩୬ତମ ବୈଠକରେ ଅନୁମୋଦିତ ପ୍ରକଳ୍ପ ମାଧ୍ୟମରେ ୭ହଜାରରୁ ଊର୍ଦ୍ଧ୍ୱ ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ବୋଲି ଆଶା କରାଯାଇଛି । ଏହି ପ୍ରକଳ୍ପଗୁଡ଼ିକ ରାଜ୍ୟର ୧୧ଟି ଜିଲ୍ଲାରେ କାର୍ଯ୍ୟକାରୀ ହେବ ।

## ନଦୀବନ୍ଧ ନିରାପତ୍ତା-ବୈଠକ

ରାଜ୍ୟରେ ନଦୀବନ୍ଧ ନିରାପତ୍ତା ନିମନ୍ତେ ଗ୍ରହଣ କରାଯାଇଥିବା ପଦକ୍ଷେପ ଏବଂ ଭବିଷ୍ୟତର ରୂପରେଖ ନେଇ ଏକ ଆଲୋଚନା ବୈଠକ ଗତକାଲି ଅନୁଷ୍ଠିତ ହୋଇଛି । ଭୁବନେଶ୍ୱରଠାରେ ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ଏନେଇ ବିଶ୍ୱବ୍ୟାଙ୍କର ଏକ ଦଳ ସହ ଆଲୋଚନା କରିଛନ୍ତି । ନଦୀବନ୍ଧ ଗୁଡ଼ିକର ସୁରକ୍ଷା, ପରିଚାଳନାଗତ କାର୍ଯ୍ୟଦକ୍ଷତା, ରକ୍ଷଣାବେକ୍ଷଣ ଏବଂ ନିର୍ମାଣରେ ଉନ୍ନତି ଆଣିବା ଆଦି ପ୍ରସଙ୍ଗରେ ଆଲୋଚନା ହୋଇଛି । ରାଜ୍ୟର ୨୫ଟି ନଦୀବନ୍ଧ ପାଇଁ ଜରୁରୀକାଳୀନ କାର୍ଯ୍ୟାନୁଷ୍ଠାନ ପଦକ୍ଷେପ ଇଏପି ପ୍ରସ୍ତୁତିରେ ରାଜ୍ୟ ସରକାରଙ୍କ ପଦକ୍ଷେପକୁ ବିଶ୍ୱବ୍ୟାଙ୍କ ଦଳ ଉଚ୍ଚ ପ୍ରଶଂସା କରିଛନ୍ତି ।

## ପ୍ରେସ୍ ସ୍ୱାଧୀନତା ଦିବସ

ଗଣତାନ୍ତ୍ରିକ ମୂଲ୍ୟବୋଧର ରକ୍ଷା ଦିଗରେ ଗଣମାଧ୍ୟମର ଭୂମିକା ଗୁରୁତ୍ୱପୂର୍ଣ୍ଣ । ଏହାକୁ ଦୃଷ୍ଟିରେ ରଖି ଆଜି ବିଶ୍ୱ ପ୍ରେସ୍ ସ୍ୱାଧୀନତା ଦିବସ ପାଳିତ ହେଉଛି । ଚଳିତ ବର୍ଷର ବାର୍ତ୍ତା ରହିଛି "ନବ ଦୃଢ଼ ଦୁନିଆରେ ସାମ୍ବାଦିକତା-ପ୍ରେସ୍ ସ୍ୱାଧୀନତା ଏବଂ ଗଣମାଧ୍ୟମ ଉପରେ କୃତ୍ରିମ ବୁଦ୍ଧିମତାର ପ୍ରଭାବ" । ଜାତିସଂଘ ସାଧାରଣ ପରିଷଦ ୧୯୯୩ ମସିହାରେ ଆଜିର

ଦିନକୁ ବିଶ୍ୱ ପ୍ରେସ୍ ସ୍ୱାଧୀନତା ଦିବସ ଭାବେ ପାଳନ ନିମନ୍ତେ ଘୋଷଣା କରିଥିଲା । ବିଭିନ୍ନ ଅନୁଷ୍ଠାନ ଓ ସଙ୍ଗଠନ ପକ୍ଷରୁ ଆଜି ଏନେଇ କାର୍ଯ୍ୟକ୍ରମ ଆୟୋଜନ କରାଯାଉଛି ।

## ଉଚ୍ଚଶିକ୍ଷା ମନ୍ତ୍ରୀଙ୍କ ଶୁଭେଚ୍ଛା

ମାଟ୍ରିକ ପରୀକ୍ଷାରେ କୃତକାର୍ଯ୍ୟ ହୋଇଥିବା ସମସ୍ତ ଛାତ୍ରଛାତ୍ରୀଙ୍କୁ ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଶୁଭେଚ୍ଛା ଜଣାଇଛନ୍ତି । ଏକ ବାର୍ତ୍ତାରେ ସେ କହିଛନ୍ତି କଠିନ ପରିଶ୍ରମ ଏବଂ ଅଧ୍ୟବସାୟ ହିଁ ସଫଳତାର ଚାବିକାଠି । ସୂଚନାଯୋଗ୍ୟ ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ପକ୍ଷରୁ ଗତକାଲି ପ୍ରକାଶିତ ଚଳିତବର୍ଷର ମାଟ୍ରିକ ପରୀକ୍ଷାରେ ୯୪ ଦଶମିକ ୯/୩ ପ୍ରତିଶତ ଛାତ୍ରଛାତ୍ରୀ ଉତ୍ତୀର୍ଣ୍ଣ ହୋଇଛନ୍ତି ।

## ରାମାନୁଜାଚାର୍ଯ୍ୟଙ୍କ ଜୟନ୍ତୀ

ଜଗତ୍‌ଗୁରୁ ଶ୍ରୀ ରାମାନୁଜାଚାର୍ଯ୍ୟଙ୍କ ହଜାରେ ୯ତମ ଜୟନ୍ତୀ ଗତକାଲି ପୁରୀଠାରେ ପାଳିତ ହୋଇଛି । ଏହି ଅବସରରେ ଶ୍ରୀ ରାମଚନ୍ଦ୍ରସ୍ୱାମୀ ଚାରିଟେବୁଲ ଟ୍ରଷ୍ଟ ପକ୍ଷରୁ ଏକ ଶୋଭାଯାତ୍ରା ଜିଅରସ୍ୱାମୀ ମଠରୁ ବାହାରି ଶ୍ରୀମନ୍ଦି ପରିକ୍ରମା କରିଥିଲା । ଏଥିରେ ରାଜ୍ୟ ତଥା ରାଜ୍ୟ ବାହାରୁ ବହୁ ଅନୁଗାମୀ ଯୋଗଦେଇଥିଲେ ।

## ଯୁଗ୍ମ ଅଭିଯୋଗ ଶୁଣାଣି

ରାଜ୍ୟର ସମସ୍ତ ଜିଲ୍ଲାରେ ଆସନ୍ତା ୫ ତାରିଖ ସୋମବାର ଦିନ ଜିଲ୍ଲାସ୍ତରୀୟ ଯୁଗ୍ମ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହେବ। ଏଥିପାଇଁ ଅନ୍‌ଲାଇନ୍ ପଞ୍ଜୀକରଣ ଗତକାଲିଠାରୁ ଆରମ୍ଭ ହୋଇଛି। **janasunani.odisha.gov.in** (ଜନଶୁଣାଣି ଡଟ୍ ଓଡ଼ିଶା ଡଟ୍ ଜିଓଭି ଡଟ୍ ଇନ୍) ପୋର୍ଟାଲ ମାଧ୍ୟମରେ ଜନସାଧାରଣ ନିଜ ଅଭିଯୋଗ ପଞ୍ଜୀକରଣ କରିପାରୁଛନ୍ତି। ଅଣପଞ୍ଜୀକୃତ ଆବେଦନକାରୀଙ୍କ ଅଭିଯୋଗପତ୍ରଗୁଡ଼ିକ ମଧ୍ୟ ଶିବିରରେ ସିଧାସଳଖ ଗ୍ରହଣ କରାଯାଇପାରିବ ବୋଲି ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ କୁହାଯାଇଛି।

## କଳିଙ୍ଗ ସୁପର କପ୍

କଳିଙ୍ଗ ସୁପର କପ୍ ଫୁଟବଲ ଟାଇଟଲ ହାସଲ ପାଇଁ ଆଜି ଏଫ୍‌ସି ଗୋଆ ଏବଂ ଜାମ୍‌ସେଦପୁର ଏଫ୍‌ସି ମଧ୍ୟରେ ମୁକାବିଲା ହେବ । ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମଠାରେ ଫାଇନାଲ ମ୍ୟାଚ୍ ଖେଳାଯିବ । ଫାଇନାଲ ମ୍ୟାଚ୍ ଜିତି ଗୋଆ ତା'ର ଦ୍ୱିତୀୟ ଟାଇଟଲ ହାସଲ କରିବାକୁ ଲକ୍ଷ୍ୟ ରଖିଥିବାବେଳେ ଜାମ୍‌ସେଦପୁର ଏଫ୍‌ସି ପ୍ରଥମଥର ପାଇଁ ଚାମ୍ପିୟନ ହେବାର ଆଶା ରଖିଛି ।